Click Here & Upgrade
Expanded Features
Unlimited Pages
PDF Complete

The Orissa Gazette

EXTRAORDINARY

PUBLISHED BY AUTHORITY

No. 1652 CUTTACK, SATURDAY, NOVEMBER 18, 2006 / KARTIKA 27, 1928

## ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ବିଭାଗ

ଘୋଷଣା

ତାରିଖ 17 ଅକ୍ଟୋବର 2006

ସଂଖ୍ୟା 39685—ଏଲ୍.ଏ. (ସି)-62/2005-ଢେଙ୍କାନାଳ-ରାବିପ.—ଯେହେତୁ ଓଡ଼ିଶା ସରକାରଙ୍କୁ ପ୍ରତୀତ ହେଉଛି କି ଏକ ସାର୍ବଜନୀନ ଉଦ୍ଦେଶ୍ୟରେ ଅର୍ଥାତ୍ ମାନଯୋର ମଧ୍ୟମ ଜଳସେଚନ ପ୍ରକଳ୍ପ ନିମନ୍ତେ ସରକାର, ସରକାରୀ ବ୍ୟୟରେ ମୌଜା ଲୁଣହାଣ୍ଡି, ଥାନା ଆଠମଲ୍ଲିକ, ଜିଲ୍ଲା ଅନୁଗୋଳରେ ଭୂମି ଅର୍ଜନ କରିବା ଆବଶ୍ୟକ ହେଉଅଛି; ତେଣୁ ଏତଦ୍ୱାରା ଘୋଷଣା କରାଯାଉଅଛି କି ଉକ୍ତ ଉଦ୍ଦେଶ୍ୟରେ ପ୍ରାୟ 0.16 ଏକର ପରିମିତ ଜମି ଉପରୋକ୍ତ ଗ୍ରାମରେ ଆବଶ୍ୟକ ହେଉଅଛି ।

ଭୂ-ଅର୍ଜନ (ସଂଶୋଧିତ) ଆଇନ୍, 1984 ଦ୍ୱାରା ସଂଶୋଧିତ ହେବା ପ୍ରକାରେ 1894ର ଅଧିନିୟମର ଧାରା 6 ର ବ୍ୟବସ୍ଥାନୁଯାୟୀ ପ୍ରଣୀତ ଏହି ଘୋଷଣାଟି ଏଥିସହିତ ସଂପୃକ୍ତ ସମସ୍ତଙ୍କ ପାଇଁ ପ୍ରଯୁଜ୍ୟ ଅଟେ ।

ଭୂ-ଅର୍ଜନ ଆଇନ୍‌ର 4(1) ଧାରା ଅନୁଯାୟୀ ଅଧିସୂଚନା ସଂଖ୍ୟା 33587-ରା., ତା 14 ଅଗଷ୍ଟ 2005 ରିଖ ଓ ରାଜପତ୍ର ସଂଖ୍ୟା 1550, ତା 28 ସେପ୍ଟେମ୍ବର 2005 ରିଖରେ ପ୍ରକାଶିତ ହୋଇଥିବା ଭୂମି ଅନୁସୂଚୀ ଉକ୍ତ ଘୋଷଣାନାମା ଅନ୍ତର୍ଭୁକ୍ତ ଅଟେ ।

ଉକ୍ତ ଜମିର ଏକ ନକ୍ସା ଜିଲ୍ଲାପାଳ, ଅନୁଗୋଳଙ୍କ କାର୍ଯ୍ୟାଳୟରେ, କାର୍ଯ୍ୟାଳୟ ସମୟରେ ଦେଖିବାକୁ ମିଳିପାରିବ ।

ରାଜ୍ୟପାଳଙ୍କ ଆଦେଶାନୁକ୍ରମେ

**ତାରାଶଙ୍କର ଚକ୍ରବର୍ତ୍ତୀ**

ଯୁଗ୍ମ ଶାସନ ସଚିବ

Printed and Published by the Director of Printing, Stationery and Publication, Orissa, Cuttack-10
Ex. Gaz. 1162—193+20